ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡ଼ିଶା

କେନ୍ଦୁପତ୍ର ତୋଳାଳୀ, ବନ୍ଧାଳୀଙ୍କ କଲ୍ୟାଣ ପାଇଁ  ମୁଖ୍ୟମନ୍ତ୍ରୀଙ୍କ ନିଷ୍ପତ୍ତି

କେନ୍ଦୁପତ୍ର ମୂଲ୍ୟରେ କେରି ପିଛା ୧୦ ପଇସା ବୃଦ୍ଧି, ଫାଳ ପିଛା ୨୦ ପଇସା ବୃଦ୍ଧି

ତୋଳାଳୀମାନଙ୍କ ପାଇଁ ୨୫ ପ୍ରତିଶତ ବୋନସ,
ବନ୍ଧାଳୀ ଓ ସିଜିନାଲ୍ ଷ୍ଟାଫଙ୍କ ପାଇଁ ୫ ପ୍ରତିଶତ
ପ୍ରୋତ୍ସାହନ ରାଶି ପ୍ରଦାନ କରିବାକୁ ନିର୍ଦ୍ଦେଶ,

ଖର୍ଚ୍ଚ ହେବ ୭୪.୭୮ କୋଟି

ଭୁବନେଶ୍ୱର
୧୩ ଜୁଲାଇ ୨୦୨୬

ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ଆଜି ରାଜ୍ୟର ଲକ୍ଷ ଲକ୍ଷ କେନ୍ଦୁପତ୍ର ତୋଳାଳୀ, ବନ୍ଧାଳୀ ଓ ସିଜିନାଲ୍ ଷ୍ଟାଫଙ୍କ କଲ୍ୟାଣ ପାଇଁ ସେମାନଙ୍କ ବୋନସ ଓ ପ୍ରୋତ୍ସାହନ ରାଶି ପ୍ରଦାନକୁ ଅନୁମୋଦନ କରିଛନ୍ତି । ଏହା ସହିତ କେରି ଓ ଫାଳର ମୂଲ୍ୟରେ ମଧ୍ୟ ବୃଦ୍ଧି କରିଛନ୍ତି ।

ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ ଅନୁଯାୟୀ ପ୍ରୋସେସ ଏରିଆରେ କେନ୍ଦୁପତ୍ର କେରି (୨୦ଟି) ପିଛା ମୂଲ୍ୟ ୧୦ ପଇସା ବୃଦ୍ଧି କରାଯାଇଥିବା ବେଳେ ଫାଳ (୪୦ଟି) ପିଛା ମୂଲ୍ୟ ୨୦ ପଇସା ବୃଦ୍ଧି କରାଯାଇଛି । ଏଥିପାଇଁ ରାଜ୍ୟ ସରକାର ୧୦.୭୮ କୋଟି ଟଙ୍କା ଖର୍ଚ୍ଚ ବହନ କରିବେ ।

ସେହିପରି କେନ୍ଦୁପତ୍ର ତୋଳାଳୀମାନଙ୍କ ପାଇଁ ୨୫ ପ୍ରତିଶତ ବୋନସ ପ୍ରଦାନ କରିବା ପାଇଁ ନିଷ୍ପତ୍ତି ନିଆଯାଇଛି । ଏହା ସହିତ ବନ୍ଧାଳୀ ଓ ସିଜିନାଲ୍ ଷ୍ଟାଫଙ୍କ ପାଇଁ ୫ ପ୍ରତିଶତ ପ୍ରୋତ୍ସାହନ ରାଶି ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ ନିଷ୍ପତ୍ତି ନେଇଛନ୍ତ । ଏଥିପାଇଁ ରାଜ୍ୟ ସରକାର ୬୪ କୋଟି ଟଙ୍କା ବହନ କରିବେ ।

ରାଜ୍ୟ ସରକାର ସମୁଦାୟ ୭୪.୭୮ କୋଟି ଟଙ୍କା ଖର୍ଚ୍ଚ କରିବେ ।